# ବିଶ୍ୱ ଜନସଂଖ୍ୟା ଦିବସ ପାଳିତ ।

ବିଶ୍ୱ ଜନ ସଂଖ୍ୟା ଦିବସ ଜିଲ୍ଲା ସ୍ୱାସ୍ଥ୍ୟ ସମିତି ଆନୁକୁଲ୍ୟରେ ଆଜି ପୂର୍ବାହ୍ନରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ସମ୍ମିଳନୀ କକ୍ଷ ଠାରେ ପାଳିତ ହୋଇଯାଇଛି । ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନ ସ୍ୱାସ୍ଥ୍ୟ ଅଧିକାରୀ ତଥା ଜିଲ୍ଲା ମିଶନ ନିର୍ଦ୍ଦେଶକ ଡା. ତ୍ରିଲୋଚନ ପ୍ରଧାନ ଏହି ଦିବସ ପାଳନ କରିବାର ଉଦ୍ଦେଶ୍ୟ ଓ ପରିବାର ନିୟୋଜନ ଏବଂ ସାମାଜିକ ଦାୟିତ୍ୱ ଉପରେ ବିଶଦ ଭାବରେ ବର୍ଣ୍ଣନା କରିଥିଲେ । ଅତିରିକ୍ତ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ପରିବାର କଲ୍ୟାଣ) ଡ. ଦିଲ୍ଲିପ କୁମାର ପଟ୍ଟନାୟକ ସ୍ୱାସ୍ଥ୍ୟ କେନ୍ଦ୍ରରେ ମିଳୁଥିବା ଗର୍ଭ ନିରୋଧକ ପଦ୍ଧତି ଓ ଆର୍ଥିକ ପ୍ରୋତ୍ସାହନ ବିଷୟରେ ଆଲୋକପାତ କରିଥିଲେ । ଡି ଏମ୍ ଆର ସି ଏଚ୍ ଶ୍ରୀ ସୂର୍ଯ୍ୟ ପ୍ରତାପ ମାନସିଂହ ଜନ ସଂଖ୍ୟା ନିୟନ୍ତ୍ରଣ ପକ୍ଷ ଜୁଲାଇ ୧୧ ତାରିଖରୁ ଜୁଲାଇ ୨୪ ତାରିଖ ପର୍ଯ୍ୟନ୍ତ ଚାଲିବ ବୋଲି ଜଣାଇଥିଲେ । ଏଥିପାଇଁ ସମସ୍ତ ଆଶା ଦିଦି ଓ ସ୍ୱାସ୍ଥ୍ୟ କର୍ମୀମାନେ ଯୋଗ୍ୟ ଦମ୍ପତିମାନଙ୍କୁ ଗର୍ଭନିରୋଧକ ପଦ୍ଧତି ସମ୍ପର୍କରେ ସଚେତନତା ସୃଷ୍ଟି ପାଇଁ ପରାମର୍ଶ ଦେଇଥିଲେ । ଉକ୍ତ କାର୍ଯ୍ୟକ୍ରମରେ ଆଶା,ସ୍ୱାସ୍ଥ୍ୟ କର୍ମୀ, ନର୍ସିଂ ଛାତ୍ରୀ ଓ ପାରାମେଡିକାଲ ଷ୍ଟାଫ ଉପସ୍ଥିତ ଥିଲେ । ଉକ୍ତ କାର୍ଯ୍ୟକ୍ରମକୁ ଅତିରିକ୍ତ ଜିଲ୍ଲା ଜନ ସ୍ୱାସ୍ଥ୍ୟ ସଂଚାର ଅଧିକାରୀ ଶ୍ରୀ ଭରତ କୁମାର ସାହୁ ସଂଯୋଜନା କରିଥିଲେ ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା- ୪୧୧ ତା.୧୧.୦୭.୨୦୨୩

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(Signature) 11/7/2023

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ


ଜିଲ୍ଲା ସ୍ୱାସ୍ଥ୍ୟ ସମିତି, ଅନୁଗୋଳ



